## ଆଜି ଅନୁଗୋଳ ଜିଲ୍ଲାରୁ ୧୧୬ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୦୬୦୨ରେ ପହଞ୍ଚିଲା - ସୁସ୍ଥ ହେଲେ ୧୫୧ଜଣ ।

ଅନୁଗୋଳ, ତା.୨୮.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୧୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୧୮ଜଣ (୧୧ ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୬ଜଣ (୧୦ ଜଣ ପୁରୁଷ ଓ ୬ଜଣ ମହିଳା), ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୧୫ଜଣ (୮ ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୪ଜଣ (୮ ଜଣ ପୁରୁଷ ଓ ୬ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୩ଜଣ ( ୧୦ଜଣ ପୁରୁଷ ଓ୩ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୧ଜଣ (୬ ଜଣ ପୁରୁଷ ଓ ୫ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୯ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୮ଜଣ (୫ ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା),ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୪୦ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୫୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୭୦ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୮୨ହଜାର ୪୩ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୭୯ ତା.୨୮.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ